# ଆଜି ଅନୁଗୋଳ ଜିଲ୍ଲାରୁ ୨୧ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୧୯୧୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୬ ଜଣ ।

ଆଜି ଅନୁଗୋଳ ଜିଲ୍ଲାରେ ୨୧ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୨୧୫ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ସର୍ବାଧିକ ୯ଜଣ ( ୨ଜଣ ପୁରୁଷ ଓ ୭ଜଣ ମହିଳା), ବଣଁରପାଳ ବ୍ଲକ୍ ଅଂଚଳରୁ ୫ଜଣ (୩ ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ,ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ) ଓ କଣିହାଁ ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ତାଲଚେର ବ୍ଲକ , ତାଲଚେର ପୌରାଞ୍ଚଳ, କିଶୋରନଗର ବ୍ଲକ, ଆଠମଲ୍ଲିକ ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୬ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧ଜଣ ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡରୁ ଓ ୨୫ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୦୨ ତା.୦୨.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

(signature)

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ